# ଗ୍ରାମୀଣ କୃଷି ମୌଷମ ସେବା, କ୍ଷେତ୍ରୀୟ କୃଷି ଉପଦେଶ ଏକକ, କିରେଇ

## ଆଞ୍ଚଳିକ ଗବେଷଣା ସଂପ୍ରସାରଣ ଉପକେନ୍ଦ୍ର,ସୁନ୍ଦରଗଡ

## ଓଡିଶା କୃଷି ଓ ବୈଷୟିକ ବିଶ୍ୱ ବିଦ୍ୟାଳୟ,ସୁନ୍ଦରଗଡ

***ସାପ୍ତାହିକ କ୍ରମିକ ସଙ୍ଖ୍ୟା : ୧୬,ବୁଲେଟିନ ନମ୍ବର- ୩୧,ତାରିଖ  :୧୬।୦୪।୨୦୨୪,ମଙ୍ଗଳ ବାର***

**ଆସନ୍ତା ପାଞ୍ଚ ଦିନର ପାଣିପାଗ ସୂଚନା :**

ଆଗାମୀ ୧୭.୦୪.୨୦୨୪–୨୧.୦୪.୨୦୨୪,ବୁଧବାର – ରବି ବାର ପର୍ଯ୍ୟନ୍ତ ସପ୍ତାହର ପାଣିପାଗ ଆଗାମୀ ପାଞ୍ଚ ଦିନରେ ବର୍ଷା ହେବାର ସମ୍ଭାବନା ରହିନାହିଁ ।ସର୍ବାଧିକ ତାପମାତ୍ରା (୪୧-୪୩ $^{0}$C) ମଧ୍ୟରେ ରହିବାର ସମ୍ଭାବନା ରହିଛି  ଓ ସର୍ବନିମ୍ନ ତାପମାତ୍ରା (୨୪ -୨୫$^{0}$C ) ମଧ୍ୟରେ ରହିବାର ସମ୍ଭାବନା ରହିଛି ।ଆଗାମୀ ସପ୍ତାହର ସର୍ବାଧିକ ଆପେକ୍ଷିକ ଆର୍ଦ୍ରତା (୨୫–୬୦%) ମଧ୍ୟରେ ଓ ସର୍ବନିମ୍ନ ଆପେକ୍ଷିକ ଆର୍ଦ୍ରତା (୧୦–୧୭%) ମଧ୍ୟରେ  ରହିବାର ଭାରତ ପାଣିପାଗ ବିଭାଗ ,ଭୁବନେଶୋର ର ତଥ୍ୟ ଅନୁଯାୟୀ ପୂର୍ବାନୁମାନ କରାଯାଉଅଛି ।

| ଜିଲ୍ଲା | ତାରିଖ | ବର୍ଷା (ମି.ମି) | ସର୍ବାଧିକ ତାପମାତ୍ରା (ଡି.ସେ) | ସର୍ବନିମ୍ନ ତାପମାତ୍ରା (ଡି.ସେ) | ମେଘାଛନ୍ନ | ସର୍ବାଧିକ ଆପେକ୍ଷିକ ଆଦ୍ରତା (ପ୍ରତିଶତ) | ସର୍ବନିମ୍ନ ଆପେକ୍ଷିକ ଆଦ୍ରତା (ପ୍ରତିଶତ) | ବାୟୁ ର ବେଗ (କି.ମି. ପ୍ର.ଘ) | ବାୟୁ ର ଦିଗ (ଡି.ଗ୍ରୀ) |
|---|---|---|---|---|---|---|---|---|---|
| ସୁନ୍ଦରଗଡ | ୧୭-୦୪-୨୦୨୪ | ୦ | ୪୧ | ୨୪ | ୦ | ୩୬ | ୧୭ | ୮ | ୨୭୦ |
| | ୧୮-୦୪-୨୦୨୪ | ୦ | ୪୧ | ୨୪ | ୦ | ୨୫ | ୧୧ | ୧୧ | ୨୮୯ |
| | ୧୯-୦୪-୨୦୨୪ | ୦ | ୪୨ | ୨୫ | ୦ | ୨୫ | ୧୦ | ୧୦ | ୧୫୮ |
| | ୨୦-୦୪-୨୦୨୪ | ୦ | ୪୩ | ୨୫ | ୦ | ୨୭ | ୧୦ | ୮ | ୨୮୮ |
| | ୨୧-୦୪-୨୦୨୪ | ୦ | ୪୨ | ୨୪ | ୧ | ୬୦ | ୧୨ | ୭ | ୧୬୨ |

**କୃଷି ପାଣିପାଗ ଉପଦେO**

**ସାଧାରଣ ପରାମର୍ଶ :ବିଶେଷ ସତର୍କତା :**ଆଗାମୀ ପାଞ୍ଚ ଦିନରେ ସୁନ୍ଦରଗଡ ଜିଲ୍ଲାରେ ବର୍ଷା ହେବାର ସମ୍ଭାବନା ରହିନାହିଁ ।

**ସୂର୍ଯ୍ୟମୁଖୀ :**

ସୂର୍ଯ୍ୟମୁଖୀ ବର୍ତ୍ତମାନ ସମୟରେ ପାକଳ ଅବସ୍ଥାରେ ପ୍ରାୟ ପହଞ୍ଚିଯାଇଥାଏ

ଉପଯୁକ୍ତ ପାଗ ଆସିବା ମାତ୍ରେ ତାକୁ ଅମଳ କରିଦିଅନ୍ତୁ

ଡେରିରେ ଲଗାଯାଇଥିବା ଫସଲରେ ଫଳବିନ୍ଧା ପୋକ (ହେଲିକୋଭର୍ପା)ମଥା ମଧ୍ୟରେ ପଶି ମଞ୍ଜି ଖାଇବାର ସମ୍ଭାବନା ରହିଥାଏ

ଏହାର ଦମନ ପାଇଁ ପ୍ରତି ଲିଟର ପାଣିରେ ୨ ମିଲି ହିସାବରେ ଟ୍ରାଏଜୋଫସ ମିଶାଇ ସିଞ୍ଚନ କରନ୍ତୁ

**ବାଇଗଣ :**

ବାଇଗଣ ଫସଲରେ କାଣ୍ଡ ଓ ଫଳ ଶୁଖିବା ରୋଗ ଦେଖାଦେଲେ ତାର ଦମନ ପାଇଁ ପ୍ରତି ଲିଟର ପାଣିରେ ୨ ଗ୍ରାମ ହିସାବରେ କାର୍ବେଣ୍ଡାଜିମ ଓ ମାଙ୍କୋଜେବର ମିଶ୍ରଣ ସିଞ୍ଚନ କରନ୍ତୁ

**ମୁଗ :**

ମୁଗ ବୁଣିବାର ୨ ରୁ ୩ ସପ୍ତାହ ହୋଇଥିଲେ କୋଡାଖୁସା କରି ଘାସ ବାଛି ଦିଅନ୍ତୁ ଓ ଜଳ ସେଚନ କରନ୍ତୁ

ଏହି ସମୟରେ ସାହେବୀ ରୋଗ ଆକ୍ରମଣ କରିବାର ଅଧିକ ସମ୍ଭାବନା ରହିଛି ଏହାର ନିୟନ୍ତ୍ରଣ ପାଇଁ ୧୫ ଲିଟର ପାଣିରେ ୩ ଗ୍ରାମ ହିସାବରେ ଥାୟାମେଥୋଜାମ ମିଶାଇ ସିଞ୍ଚନ କରନ୍ତୁ

ମୁଗ ଫସଲରେ ଅଗ ବିନ୍ଧାପୋକ ଲାଗି କଢ ସବୁ ଖାଇଯାଉଥିଲେ ଏହାର ନିରାକରଣ ପାଇଁ ପ୍ରତି ଲିଟର ପାଣିରେ ୨ ମିଲି ହିସାବରେ କ୍ଲୋରୋପାଇରିଫସ ମିଶାଇ ସିଞ୍ଚନ କରନ୍ତୁ

ମୁଗ ଫସଲରେ ସର୍ବୋଚ୍ଚ ଫୁଲ ଆସିବା ଅବସ୍ଥାରେ ଜଳସେଚନର ବ୍ୟବସ୍ଥା କରନ୍ତୁ

**ଅଦା :**

ଅଦା ସାଧାରଣତଃ ଏପ୍ରିଲ ରୁ ମେ ମାସ ମଧ୍ୟରେ ଲଗାଯାଇଥାଏ ଏହା ଅଦା ପାଇଁ ଉପଯୁକ୍ତ ସମୟ ଅଟେ

ବିଶେଷ କରି ଆମ ଓଡ଼ିଶା ରାଜ୍ୟ ପାଇଁ ତିନୋଟି ମୁଖ୍ୟ କିସମ ସୁପ୍ରଭା ସୁରୁଚି ଓ ସୁରଭି ଅନ୍ୟତମ ଅଟେ

ଏକ ଏକର ଜମି ପାଇଁ ୬-୮ କୁଇଣ୍ଟାଲ ଅଦାଖଣ୍ଡ ଦରକାର ହୋଇଥାଏ

ଏହି ଖଣ୍ଡଗୁଡିକ ୨-୩ ଟି ଆଖି ଥାଇ ୧୫ ରୁ ୧୯ ଗ୍ରାମ ଓଜନ ରଖି କାଟିବା ଉଚିତ

ଲଗାଇବା ପୂର୍ବରୁ ପ୍ରତି ୧୦ ଲିଟର ପାଣିରେ ୪୦ ଗ୍ରାମ ମାଙ୍କୋଜେବ ଗୁଣ୍ଡ ୧୦ ଗ୍ରାମ କାର୍ବେଣ୍ଡାଜିମ ଗୁଣ୍ଡ ଓ ୫ ମିଲି ମାଲାଥିଅ ଔଷଧ ଗୋଳେଇ ଏଥିରେ ପ୍ରାୟ ୫୦ କିଗ୍ରା ଅଦାଖଣ୍ଡ ବିଶୋଧନ କରନ୍ତୁ

ଏହାପରେ ଅଦାଖଣ୍ଡ ଗୁଡିକୁ ଛାଇରେ ଶୁଖାନ୍ତୁ

**ଗ୍ରୀଷ୍ମ ଡାଲି :**

ପାଣିପାଗ ସର୍ବେକ୍ଷଣ ହେତୁ YMV ରୋଗର ସଂକ୍ରମଣ ଏବଂ ଏହାକୁ ପରିଚାଳନା କରିବା ପାଇଁ ରିଡୋମିଲ୍ MZ @ 2g / ଲିଟର ପାଣି ପ୍ରୟୋଗ କର |

**ବିଲାତି ବାଇଗଣ :**

ତାପମାତ୍ରା ବଢିବାର ସମ୍ଭାବନା ଥିବାରୁ ବିଲାତି ବାଇଗଣ ଫସଲରେ ରେ ଝାଉଁଳା ରୋଗ ହେବାର ଅଧିକ ସମ୍ଭାବନା ରହିଥାଏ ଏହାର ନିରାକରଣ ପାଇଁ ପ୍ରତି ୧୦ ଲିଟର ପାଣିରେ ୧ ଗ୍ରାମ ଷ୍ଟ୍ରେପଟୋସାଇକ୍ଲିନ ସହିତ ୩୦ ଗ୍ରାମ କପର ଅକ୍ସିକ୍ଲୋରାଇଡ ମିଶାଇ ସିଞ୍ଚନ କରନ୍ତୁ

**ପୋଟଳ :**

ପୋଟଳ ଫୁଲ ଧରିବା ଅବସ୍ଥାକୁ ଆସିବା ବେଳକୁ ଜମିକୁ ଘାସୁଆ ରଖାଯିବା ଉଚିତ । କାରଣ ଘାସ ଜମିର ଆଦ୍ରର୍ତା ବଜାୟ ରଖିବାରେ ସାହାଯ୍ୟ କରେ ।

ଚେରରେ ଲଗାଯାଇଥିବା ପୋଟଳରେ ଫୁଲ ପୂର୍ବରୁ କୋଡାଖୁସା କରି ଅନୁମୋଦିତ ପ୍ରଣାଳୀରେ ସାର ପ୍ରୟୋଗ କରି ଜଳସେଚନ କରନ୍ତୁ ।

**ଭେଣ୍ଡି ଚାଷ :**

ଭେଣ୍ଡି ର ଉନ୍ନତ କିସମଗୁଡିକ ହେଉଛି ଆର୍କା ଅଭୟ ,ଉତ୍କଳ ଗୌରବ ,ଆର୍କା ଅନାମିକା ଏବୌଁ ପୁଷା –ଏ -୪

ଭେଣ୍ଡି ଗଛ ମଧ୍ୟରେ ଦୂରତା ୬୦ ସେମି *୩୦ ସେମି ରହିବା ଦରକାର

ଭେଣ୍ଡି ଲଗାଇବା ସମୟରେ ହେକ୍ଟର ପିଛା ୨୦ ଗାଡି ଭଲ ଶଢା ଗୋବର ଖତ ସହ ୮୦ କିଗ୍ରା ଯବକ୍ଷାରଜାନ ,୪୦ କିଗ୍ରା ଫସ୍ଫରସ ଏବୌଁ ପଟାସ ସାର ମୂଳସାର ହିସାବରେ ପ୍ରୟୋଗ କରନ୍ତୁ

**ପ୍ରାଣୀ :**

ତାପମାତ୍ରା ବୃଦ୍ଧି ହେତୁ ପଶୁମାନଙ୍କୁ ସଫା ଏବଂ ପର୍ଯ୍ୟାପ୍ତ ପାନୀୟ ଜଳ ଯୋଗାଇଥାଏ | ପଶୁ ଶେଡରେ ପରିଷ୍କାର ପରିଚ୍ଛନ୍ନତା ବଜାୟ ରଖନ୍ତୁ | ଦିନର ଗରମ ସମୟରେ ପଶୁମାନଙ୍କୁ ଛାଡନ୍ତୁ ନାହିଁ |

କୃଷି କ୍ଷେତ୍ର ସହ ଜଡିତ ଯେକୌଣସି ସମସ୍ୟା ପାଇଁ ଟୋଲ ଫ୍ରି ନମ୍ବର ୧୫୫୧ କୁ ଡାଏଲ କରନ୍ତୁ।

ଉତ୍ତମ କୃଷି ଲାଭ ପାଇଁ, ଓୟୁଏଟି କଳିଙ୍ଗ ପ୍ରଡକ୍ଟସ୍ (ବିହନ, ସେପଲିଙ୍ଗ୍ ଏବଂ ଜେଡ୍ଡିଏମ୍, ଟିସୁ ଚାଷ ଉଭିଦ, ଫଳ ଓ ପନିପରିବା, ମୂଲ୍ୟଯୁକ୍ତ ଉତ୍ପାଦ, ଫିଙ୍ଗରଲିଙ୍ଗ୍/ଇୟରଲିଙ୍ଗ୍, କୁକୁଡ଼ା ଛୁଆ, ପ୍ରଜନନ, ମହୁମାଛି ଓ ଛେଳି, ଜୈବସାର, ଜୈବ କୀଟନାଶକ, ଭେରିମି ଏବଂ ଭେରିକମ୍ପୋଷ୍ଟ ଏବଂ ଫାର୍ମ ଉପକରଣ)

ଆଇଏମଡିର ପାଣିପାଗ ପୂର୍ବାନୁମାନ ଏବଂ ଓଡ଼ିଶା ସ୍ଥିତିର କୃଷି ପାଣିପାଗ ପରାମର୍ଶଦାତା ବର୍ତ୍ତମାନ ମେଘଦୂତରେ ଉପଲବ୍ଧ

ଇଂରାଜୀ ଓ ଓଡ଼ିଆ ଭାଷାରେ ମୋବାଇଲ୍ ଆପ୍।ଡାଉନଲୋଡ୍ କରିବା: (ଏଣ୍ଡ୍ରିଓଡ୍: ***https://play.google.com/store/apps/details?id_com.aas.meghdoot)***

**ବି : ଦ୍ରଷ୍ଟବ୍ୟ : ଓୟୁଏଟି ଶାଖା ଚିପଲିମା ଓ ଗମ୍ଭାରିପାଲି ବିହନ ଗବେଷଣା ଫାର୍ମ ଠାରେ ସ୍ୱର୍ଣ ଧାନ ବିହନ ୨୦ କିଗ୍ରା ବସ୍ତା ପିଛା ଟ. ୭୧୨ . ୪୦ ପଇସା ଚାଷୀ ନିମିତ୍ତ ବିକ୍ରି ହଉଅଛି |**

*ନୋଡାଲ ଅଫିସର, କିରେଇ*